# ଡାକ୍ତରଙ୍କ ସହାୟତା ପାଇଁ 'ସେଭ୍ ଦି ଡକ୍ଟର' ଅଭିଯାନ ଆରମ୍ଭ




ବାଙ୍ଗାଲୋର : ଇଣ୍ଡିଆନ୍ ମେଡିକାଲ୍ ଆସୋସିଏସନ୍ ଏବଂ ଆସୋସିଏସନ୍ ଅଫ୍ ହେଲ୍ଥ ପ୍ରୋଭାଇଡର୍ସ ଇଣ୍ଡିଆ ଏବଂ ଦେଶର ବିଭିନ୍ନ ଡାକ୍ତରୀ ଛାତ୍ର ପ୍ରତିନିଧି ମେଡିକାଲ୍ ସିଟ୍‌ରେ ସମାନତା ଆଣିବା ପାଇଁ 'ସେଭ୍ ଦି ଡକ୍ଟର' ଅଭିଯାନ ନିମନ୍ତେ ଡାକ୍ତରମାନଙ୍କୁ ସହାୟତା ପ୍ରଦାନ କରିବା ପାଇଁ ଘୋଷଣା କରିଛନ୍ତି। ଏହି ଗଣ ଅଭିଯାନର ଲକ୍ଷ୍ୟ ହେଉଛି ପଲିସି ନିର୍ମାତାଙ୍କୁ ପ୍ରଭାବିତ କରିବା ସହିତ ଦେଶରେ ଥିବା ଡାକ୍ତରୀ ଅନୁଷ୍ଠାନଗୁଡ଼ିକୁ ସହାୟତା ପ୍ରଦାନ କରିବା। ଦେଶରେ ୨ ରୁ ୩ ଲକ୍ଷରୁ ଉର୍ଦ୍ଧ୍ୱ ଛାତ୍ର ଛାତ୍ରୀ ଏହି ଅଭିଯାନଟିକୁ ସ୍ୱାଗତ କରିଛନ୍ତି। ଡାକ୍ତରୀ ବିଭାଗର ଯେକୌଣସି ପୋଷ୍ଟଗ୍ରାଜୁଏଟ୍ କରୁଥିବା ଜଣେ ଡାକ୍ତର ଗାଇନୋକୋଲୋଜିଷ୍ଟ, ନ୍ୟୁରୋଲୋଜିଷ୍ଟ, ସର୍ଜନ୍, ରେଡିଓଲୋଜିଷ୍ଟ ଇତ୍ୟାଦି ଭାବରେ ନିଜକୁ ପ୍ରତିଷ୍ଠା କରିପାରିବେ। ଆଜି ଭାରତରେ ବିଭିନ୍ନ ଡାକ୍ତରୀ ଶିକ୍ଷାନୁଷ୍ଠାନମାନଙ୍କରେ ଉପଯୁକ୍ତ ସଂଖ୍ୟାରେ ପିଜି ସିଟ୍‌ର ଅଭାବ ହେତୁ ସ୍ପେଶିଆଲିଷ୍ଟ ଡାକ୍ତରମାନଙ୍କର ଅଭାବ ରହିଛି। ଅବଶ୍ୟ ଭାରତରେ ସର୍ବାଧିକ ମେଡିକାଲ୍ ଶିକ୍ଷାନୁଷ୍ଠାନ ରହିଛି। ଏହି ପିଜି ଓ ୟୁଜି ଛାତ୍ରମାନଙ୍କ ପାଇଁ ଗ୍ରାମାଞ୍ଚଳରେ ତାଙ୍କର ଇଣ୍ଟର୍ଣସିପ୍ କରିବାକୁ ବାଧ୍ୟତାମୂଳକ କରାଯିବା ତଥା ନିର୍ଦ୍ଧାରିତ କରାଯାଇଥିବା ସିଟ୍ ମଧ୍ୟରେ ତାରତମ୍ୟ ରହିବା ଦ୍ୱାରା ଅନେକ ଯୁବ ଡାକ୍ତର ପ୍ରଭାବିତ ହେବେ। ଯାହା ଜଣାଯାଉଛି ଆଗାମି ଦିନରେ ଯଦି ଏହିପରି ଚାଲେ ଆମର ସ୍ୱାସ୍ଥ୍ୟବସ୍ଥାରେ ଯଥେଷ୍ଟ ବିପଦ ରହିଛି କାରଣ ବରିଷ୍ଠ ସ୍ପେଶିଆଲିଷ୍ଟ ଡାକ୍ତର / ସର୍ଜନମାନେ କିଛି ଦିନ ମଧ୍ୟରେ ଅବସର ଗ୍ରହଣ କରିବେ ଏବଂ ଯାହା ଫଳରେ ସ୍ପେଶିଆଲିଷ୍ଟ ଡାକ୍ତର/ ସର୍ଜନମାନଙ୍କର ଅଭାବ ଦେଖାଦେବ। ଡଃ ଦେବୀ ସେଠୀ, ଟ୍ରେଜରର, ଏଏଚ୍‌ପିଆଇ ଏ ବିଷୟରେ କହିଛନ୍ତି ଏହା ଏକ ଦୁଃଖର ବିଷୟ ଯେ ପ୍ରାୟ ଦୁଇ ଲକ୍ଷ ଯୁବ ଡାକ୍ତରମାନେ ସେମାନଙ୍କର ସମୟଗୁଡ଼ିକୁ ରୋଗୀ ସେବା କରିବା ପରିବର୍ତ୍ତେ ମଲଟିପୁଲ୍ ଚଏସ୍ ପ୍ରଶ୍ନର ଉତ୍ତର ଦେବା ପାଇଁ କୋଚିଂ ନେଉଛନ୍ତି। ଏହି ଯୁବ ଡାକ୍ତରମାନେ ଉପଯୁକ୍ତ ପରିସ୍ଥିତିରେ ନିଶ୍ଚିତ ଭାବରେ ଆମର ଲୋକମାନଙ୍କୁ ପ୍ରଦାନ କରାଯାଉଥିବା ସ୍ୱାସ୍ଥ୍ୟବସ୍ଥାରେ ଉନ୍ନତି ଆଣିପାରିବେ।